# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର
## ପବ୍ଲିକ୍ ଓ୍ୱାର୍କସ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା।06.08.2022 ରିଖ

ସମୟ- ପୂର୍ବାହ୍ନ ଘ. 11.00 ଟିକା
ସ୍ଥାନ-ନିଗମ ସଭାକକ୍ଷ "ଏକାମ୍ର"

ଉପସ୍ଥିତ ସଭ୍ୟ/ସଭ୍ୟା :-

୧. ଶ୍ରୀ ଅମରେଶ ଜେନା, ଚେୟାରମ୍ୟାନ୍,
୨. ଶ୍ରୀମତୀ ଜୟନ୍ତୀ ସାହୁ,
୩. ଶ୍ରୀମତୀ ପଦ୍ମଜା ପ୍ରିୟଦର୍ଶିନୀ ଜେନା,
୪. ଶ୍ରୀ ସନ୍ତୋଷ କୁମାର ସିଂହ,
୫. ଶ୍ରୀ ଶ୍ରୀଧର ବେହେରା

ଅଦ୍ୟ ତା 06.08.2022 ରିଖ ପୂର୍ବାହ୍ନ ଘ. 11.00 ଟିକା ସମୟରେ ନିଗମ ସଭାକକ୍ଷ "ଏକାମ୍ର" ରେ ଭୁବନେଶ୍ୱର ମହାନଗର ନିଗମର ପବ୍ଲିକ୍ ଓ୍ୱାର୍କସ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀ ଅମରେଶ ଜେନା ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମ ସହରବାସୀଙ୍କୁ ବିଭିନ୍ନ ସୁବିଧା ଯୋଗାଇଦେବା ନିମନ୍ତେ ବଡ଼ ବଡ଼ ଉନ୍ନୟନମୂଳକ କାର୍ଯ୍ୟ କରିବା ପାଇଁ ଠିକାଦାର ମାନଙ୍କୁ କାର୍ଯ୍ୟାଦେଶ ଦିଆଯାଇଅଛି । ସେଥି ମଧ୍ୟରୁ ଯେଉଁ କାର୍ଯ୍ୟ ଆରମ୍ଭ ହୋଇନାହିଁ, ସେହି କାର୍ଯ୍ୟ ଗୁଡ଼ିକ ଆସନ୍ତା ସ୍ୱାୟତ ଶାସନ ଦିବସରେ ଶୁଭ ଦେବା ଏବଂ ଯେଉଁ କାର୍ଯ୍ୟଗୁଡ଼ିକ ସମ୍ପୂର୍ଣ୍ଣ ହୋଇଅଛି ସେଗୁଡ଼ିକୁ ଉଦଘାଟନ କରିବା ପାଇଁ ଆବଶ୍ୟକ ପଦକ୍ଷେପ ନେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୨). ଭୁବନେଶ୍ୱର ମହାନଗର ନିଗମାଂଚଳରେ ସ୍ମାର୍ଟସିଟି ଯେଉଁସବୁ ଉନ୍ନୟନ ମୂଳକ କାର୍ଯ୍ୟ କରୁଛନ୍ତି ତାହାର ତାଲିକା ସହିତ ଆସନ୍ତା ମାସ ବୈଠକରେ GM Smart city ଉପସ୍ଥିତ ରହିବା ପାଇଁ ନିର୍ଦ୍ଦେଶ ଦେବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ନିର୍ଦ୍ଧାରଣ-୧(୩). ଭୁବନେଶ୍ୱର ମହାନଗର ନିଗମ ଦ୍ୱାରା State Urban Road Execution (SURE) ପ୍ରୋଗ୍ରାମରେ ଯେଉଁ କାର୍ଯ୍ୟ କରାଯାଇଅଛି ତାହାର ଓ୍ୱାର୍ଡ଼ଓ୍ୱାରୀ ତାଲିକା ଆସନ୍ତା ମାସ ବୈଠକରେ ଉପସ୍ଥାପନ କରିବା ପାଇଁ ସର୍ବ ସମ୍ମତିକ୍ରମେ ନଗର ଯନ୍ତ୍ରୀଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶ ଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ଘ. 12.20 ମିନିଟ୍ ସମୟରେ ସଭା ଭଙ୍ଗ କରାଗଲା

ସ୍ୱା/-ଅମରେଶ ଜେନା
ସଭାପତି
ତା 06.08.2022 ରିଖ